# ସ୍ୱାଧୀନତା ଦିବସରେ ମୁଖ୍ୟମନ୍ତ୍ରୀଙ୍କ ଘୋଷଣା

- ଦେଶର ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ନୂଆ ଇତିହାସ
- ନୂଆ ରୂପରେ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା
- ସାଢେ ତିନି କୋଟି ଲୋକଙ୍କୁ ସ୍ମାର୍ଟ ହେଲଥ୍ କାର୍ଡ



ଭୁବନେଶ୍ୱର,୧୬।୮(ସବ୍ୟୁ): ପରିବାର ପାଇଁ ପ୍ରତି ବର୍ଷ ପାଞ୍ଚ ଲକ୍ଷ ଓ ମହିଳାଙ୍କ ପାଇଁ ଦଶ ଲକ୍ଷ ଟଙ୍କା ପର୍ଯ୍ୟନ୍ତ । ଭୁବନେଶ୍ୱର ପ୍ରଦର୍ଶନୀ ପଡିଆରେ ରାଜ୍ୟସ୍ତରୀୟ ୭୫ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି । ଏହି ଅବସରରେ ଆୟୋଜିତ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଜାତୀୟ ପତାକା ଉତ୍ତୋଳନ କରି ଅଭିବାଦନ ଗ୍ରହଣ କରିଥିଲେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ଜାତିର ପିତା ମହାତ୍ମା ଗାନ୍ଧୀ ଓ ଅନ୍ୟ ବରପୁତ୍ରମାନଙ୍କ ଉଦ୍ଦେଶ୍ୟରେ ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । ଦେଶର ଅଖଣ୍ଡତା ଓ ଶାନ୍ତି ରକ୍ଷା ପାଇଁ ଶହୀଦ ହୋଇଥିବା ଅମର ଜବାନ ଏବଂ କରୋନା ଲଢେଇରେ ଶହୀଦ ହୋଇଥିବା କୋଭିଡ ଯୋଦ୍ଧା ମାନଙ୍କ ପ୍ରତି ମଧ୍ୟ ମୁଖ୍ୟମନ୍ତ୍ରୀ ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । ରାଜ୍ୟରେ ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ବୈପ୍ଳବିକ ପରିବର୍ତ୍ତନ ଆଣିବା ଲକ୍ଷ୍ୟ ନେଇ (୯ ପୃଷ୍ଠାରେ)

## ସ୍ୱାଧୀନତା...

ଏକ ଐତିହାସିକ ଘୋଷଣା କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ 'ସାରା ଓଡିଶା ମୋ ପରିବାର । ମୋ ପାଇଁ ପ୍ରତି ଜୀବନ ମୂଲ୍ୟବାନ । ଯେତେବେଳେ ଲୋକମାନେ ଚିକିତ୍ସା ପାଇଁ ଜମି ବିକିବା, ସୁନା ବିକିବା ଓ ପିଲାଙ୍କ ପାଠ ବନ୍ଦ କରିବା ଖବର ମିଳେ, ସେତେବେଳେ ମୋତେ ବହୁତ କଷ୍ଟ ଲାଗେ । ଲୋକଙ୍କର ଏହି ଦୁଃଖ ଦୂର କରିବା ପାଇଁ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ନୂଆ ରୂପରେ ଲାଗୁ କରାଯିବ ବୋଲି ମୁଁ ଘୋଷଣା କରୁଛି । ଏଥିପାଇଁ ରାଜ୍ୟର ୯୬ ଲକ୍ଷ ପରିବାର, ସାଢେ ତିନି କୋଟି ଲୋକଙ୍କୁ ସ୍ମାର୍ଟ ହେଲ୍ଥ କାର୍ଡ ମିଳିବ ସାରା ଓଡିଶାରେ ପର୍ଯ୍ୟାୟକ୍ରମେ ଏହି କାର୍ଡ ଦିଆଯିବ ଏଭଳି ସ୍ମାର୍ଟ ହେଲଥ କାର୍ଡ ଦେବାରେ ଓଡିଶା ଦେଶର ପ୍ରଥମ ରାଜ୍ୟ । ଜାତୀୟ ଖାଦ୍ୟ ସୁରକ୍ଷା ହିତାଧିକାରୀ, ରାଜ୍ୟ ଖାଦ୍ୟ ସୁରକ୍ଷା ହିତାଧିକାରୀ, ଅନ୍ନପୂର୍ଣ୍ଣା ଓ ଅନ୍ତ୍ୟୋଦୟ ହିତାଧିକାରୀ, ସମସ୍ତଙ୍କୁ ଏହି ସ୍ମାର୍ଟ ହେଲ କାର୍ଡ ମିଳିବ । ଏଥିରେ ପରିବାର ପାଇଁ ୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଓ ମହିଳାଙ୍କ ପାଇଁ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଚିକିତ୍ସା ସୁବିଧା ପ୍ରତି ବର୍ଷ ମିଳିବ । ଓଡିଶା ସମେତ ସାରା ଦେଶର ୨୦୦ରୁ ଅଧିକ ବଡ ବଡ ହସ୍ପିଟାଲ ଚେନ୍‌ମାନଙ୍କରେ ଚିକିତ୍ସା ସୁବିଧା ମିଳିବ । ମୁଖ୍ୟମନ୍ତ୍ରୀ କହିଥିଲେ ଯେ 'ଏହା ସାରା ଦେଶର ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ନୂଆ ଇତିହାସ ସୃଷ୍ଟି କରିବ । ମୋର ବିଶ୍ୱାସ, ମୋର ପ୍ରିୟ ଓଡିଶାବାସୀଙ୍କୁ ସ୍ୱାସ୍ଥ୍ୟ ନିରାପତ୍ତାକୁ ଆହୁରି ସୁଦୃଢ଼ କରିବାରେ ଏହି ବ୍ୟବସ୍ଥା ବିଶେଷ ସାହାଯ୍ୟ କରିବ । ରାଜ୍ୟରେ ସ୍ୱାସ୍ଥ୍ୟ ସେବା ବିକାଶରେ ଏହା ଏକ ନୂଆ ଯୁଗ ଆରମ୍ଭ କରିବ । ମୁଖ୍ୟମନ୍ତ୍ରୀ କହିଥିଲେ ଯେ ୭୫ ବର୍ଷ ଗୋଟିଏ ଦେଶ ପାଇଁ, ଜାତି ପାଇଁ ବହୁତ ବଡ ସମୟ ନ ହେଲେ ମଧ୍ୟ ଏହାର ବିଶେଷ ଗୁରୁତ୍ୱ ରହିଛି । ଭାରତର ଗଣତନ୍ତ୍ରକୁ ଆମର ସବୁଠାରୁ ବଡ ସଫଳତା ଭାବରେ ବର୍ଣ୍ଣନା କରି ଦେଶର ବିକାଶ ପ୍ରକ୍ରିୟାରେ ଏହା ସମସ୍ତଙ୍କୁ ଭାଗୀଦାର କରିବାରେ ସଫଳ ହୋଇଛି ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ । ସେ ପୁଣି କହିଥିଲେ ଯେ ୪୦ ବର୍ଷର ବ୍ୟବଧାନ ପରେ ଭାରତୀୟ ହକି ଟୋକିଓ ଅଲମ୍ପିକ୍ସରେ ପଦକ ପାଇଥିବାରୁ ମୁଖ୍ୟମନ୍ତ୍ରୀ ଖୁସିବ୍ୟକ୍ତ କରିବା ସହ ଆମ ଖେଳାଳୀମାନଙ୍କ ପାଇଁ ସାରା ଦେଶ ଗର୍ବିତ ବୋଲି କହିଥିଲେ । ଭାରତୀୟ ହକି ଦଳକୁ ବିଶ୍ୱର ଶ୍ରେଷ୍ଠ ଦଳ ଭାବରେ ଗଢିତୋଳିବା ପାଇଁ ସବୁପ୍ରକାର ସହଯୋଗ ଯୋଗାଇ ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ । ରାଜ୍ୟରେ ଶିକ୍ଷା କ୍ଷେତ୍ରରେ ଚାଲିଥିବା ରୂପାନ୍ତର ବିଷୟରେ ସୂଚନା ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ୫-ଟି ଉପକ୍ରମରେ ପ୍ରଥମ ପର୍ଯ୍ୟାୟରେ ୧୦୭୨ ସ୍କୁଲର ରୂପାନ୍ତର କରାଯାଇଛି । ସେହିପରି ମୋ ସ୍କୁଲ ଅଭିଯାନରେ ୫ ଲକ୍ଷରୁ ଅଧିକ ପୁରାତନ ଛାତ୍ରଛାତ୍ରୀ, ୩୨ ହଜାରରୁ ଅଧିକ ସ୍କୁଲର ବିକାଶ ପାଇଁ ଆଗେଇ ଆସିଥିବାରୁ ମୁଖ୍ୟମନ୍ତ୍ରୀ ସମସ୍ତଙ୍କୁ ଧନ୍ୟବାଦ ଜଣାଇଥିଲେ । କୋଭିଡ ମହାମାରୀକୁ ବିଶ୍ୱ ଇତିହାସର ସବୁଠାରୁ ବଡ ସ୍ୱାସ୍ଥ୍ୟ ସମସ୍ୟା ଭାବରେ ବର୍ଣ୍ଣନା କରି ଏହାର ମୁକାବିଲାରେ ମାନବ ଜାତି ନିଶ୍ଚୟ ସଫଳ ହେବ ବୋଲି ମୁଖ୍ୟମନ୍ତ୍ରୀ ଆଶାବ୍ୟକ୍ତ କରିଥିଲେ । କୋଭିଡ ସମୟରେ ଦେଶର ୧୭ଟି ରାଜ୍ୟକୁ ଦୁଇ ମାସ ଧରି ମେଡିକାଲ ଅକ୍ସିଜେନ ନିରନ୍ତର ଭାବରେ ଯୋଗାଇ ଓଡିଶା ବହୁ ମୂଲ୍ୟବାନ ଜୀବନ ବଞ୍ଚାଇପାରିଛି ବୋଲି ମୁଖ୍ୟମନ୍ତ୍ରୀ ପ୍ରକାଶ କରିବା ସହିତ ଏହା ଓଡିଶା ପାଇଁ ଗର୍ବର ବିଷୟ ବୋଲି କହିଥିଲେ । ଓଡିଶାର ଗୌରବମୟ ଭବିଷ୍ୟତ ଉପରେ ଆଲୋକପାତ କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଆଜି ଓଡିଶା ବିଭିନ୍ନ କ୍ଷେତ୍ରରେ ବିକାଶର ନୂଆ ନୂଆ ମାଇଲଷ୍ଟୋନ ହାସଲ କରୁଛି । ସମସ୍ତଙ୍କ ସହଯୋଗରେ ଓଡିଶା ଆଗାମୀ ଦିନରେ ତାର ପରିଚୟକୁ ଆହୁରି ଉଜ୍ଜ୍ୱଳ କରିପାରିବ ବୋଲି ଦୃଢ ଆଶା ପୋଷଣ କରିଥିଲେ ।